# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**14 June– 2026**

# ଏସ୍ଆଇଆର କାର୍ଯ୍ୟକ୍ରମ

ରାଜ୍ୟରେ ଭୋଟର ତାଲିକାରେ ସ୍ୱତନ୍ତ୍ର ସଘନ ସଂଶୋଧନ–ଏସ୍.ଆଇ.ଆର କାର୍ଯ୍ୟକ୍ରମ ଅନ୍ତିମ ପର୍ଯ୍ୟାୟରେ ପହଁଞ୍ଚିଛି। ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ମିଳିଥିବା ସୂଚନା ଅନୁଯାୟୀ, ଗତକାଲି ସୁଦ୍ଧା ରାଜ୍ୟର ମୋଟ ୩ କୋଟି ୩୮ ଲକ୍ଷ ୬୪ ହଜାର ୫୦୧ ଜଣ ଭୋଟରଙ୍କୁ ପରିଗଣନା ଫର୍ମ ବଣ୍ଟନ କରାଯାଇସାରିଛି। ଯାହା ମୋଟ ଭୋଟରଙ୍କ ୯୮ ଦଶମିକ ୬/୫ ପ୍ରତିଶତ। ବର୍ତ୍ତମାନ ସୁଦ୍ଧା ୯୫ ଲକ୍ଷ ୪୧ ହଜାର ୯୨୪ଟି ପରିଗଣନା ଫର୍ମ ଡିଜିଟାଇଜ୍ କରାଯାଇଛି। ଆସନ୍ତା ୨୮ ତାରିଖ ପୂର୍ବରୁ ପରିଗଣନା ଫର୍ମ ବଣ୍ଟନ, ସଂଗ୍ରହ, ଡିଜିଟାଇଜେସନ୍ କାର୍ଯ୍ୟ ସମ୍ପୂର୍ଣ୍ଣ କରିବାକୁ ଲକ୍ଷ୍ୟ ରଖାଯାଇଛି। ଭୋଟର ତାଲିକାକୁ ସଠିକ, ଅଦ୍ୟତନ ଓ ତ୍ରୁଟିମୁକ୍ତ ରଖିବା ପାଇଁ ମୁଖ୍ୟ ନିର୍ବାଚନ ଅଧିକାରୀ ଆର୍.ଏସ୍ ଗୋପାଳନ ସମସ୍ତଙ୍କ ସହଯୋଗ କାମନା କରିଛନ୍ତି।

# ଏସ୍.ଆଇ.ଆର୍ କାର୍ଯ୍ୟକ୍ରମ

ଏସ୍.ଆଇ.ଆର୍ କାର୍ଯ୍ୟକ୍ରମର ଅନୁଧ୍ୟାନ କରିବା ପାଇଁ ବାରବାଟୀ–କଟକ ନିର୍ବାଚନମଣ୍ଡଳୀର ନିର୍ବାଚନ ପଞ୍ଜୀକରଣ ଅଧିକାରୀ ତଥା ଉପ ଜିଲ୍ଲାପାଳ ଦିବ୍ୟଜ୍ୟୋତି ସ୍ମୃତିରଞ୍ଜନ ଦେଓ ସିଡିଏ ଅଞ୍ଚଳର ବିଭିନ୍ନ ବୁଥ୍

ପରିଦର୍ଶନ କରିଛନ୍ତି। ଏଥିସହ ସହକାରୀ ନିର୍ବାଚନ ପଞ୍ଜୀକରଣ ଅଧିକାରୀ, ବୁଥ୍‌ସ୍ତରୀୟ ଅଧିକାରୀ ଓ ପର୍ଯ୍ୟବେକ୍ଷକଙ୍କ ସହିତ ଶ୍ରୀ ଦେଓ ସମୀକ୍ଷା ବୈଠକ କରିଛନ୍ତି। ସମସ୍ତ ଯୋଗ୍ୟ ନାଗରିକଙ୍କୁ ଭୋଟର ତାଲିକାରେ ସାମିଲ କରିବା ନେଇ ଅଧିକ ତତ୍ପରତା ଓ ଦାୟିତ୍ୱବୋଧ ସହ କାର୍ଯ୍ୟ କରିବାକୁ ଶ୍ରୀ ଦେଓ ସମ୍ପୃକ୍ତ ଅଧିକାରୀଙ୍କୁ ପରାମର୍ଶ ଦେଇଛନ୍ତି।

## ଏସ୍.ଆଇ.ଆର୍ କାର୍ଯ୍ୟକ୍ରମ

କେନ୍ଦ୍ରାପଡ଼ା ଜିଲ୍ଲାରେ ଏସ୍.ଆଇ.ଆର୍ ପ୍ରକ୍ରିୟା ଜାରି ରହିଛି। ବୁଥ୍‌ସ୍ତରୀୟ ଅଧିକାରୀ– ବିଏଲ୍‌ଓ ମାନେ ଘରକୁ ଘର ବୁଲି ପରିଗଣନା ଫର୍ମ ବଣ୍ଟନ, ସଂଗ୍ରହ ଓ ଡିଜିଟାଇଜେସନ୍ କାର୍ଯ୍ୟରେ ସକ୍ରିୟ ଭାବେ ନିୟୋଜିତ ଅଛନ୍ତି। ମାର୍ଶାଘାଇ ବ୍ଲକ ଅନ୍ତର୍ଗତ ୧୦୦–ମହାକାଳପଡ଼ା ବିଧାନସଭା ନିର୍ବାଚନମଣ୍ଡଳୀର ବୁଥ୍ ନମ୍ବର-୧୦ର ବିଏଲ୍‌ଓ ଅମ୍ବିକା ସାହୁ ଏସ୍.ଆଇ.ଆର୍ କାର୍ଯ୍ୟରେ ଶତପ୍ରତିଶତ ସଫଳତା ହାସଲ କରି ଜିଲ୍ଲା ନିର୍ବାଚନ ଅଧିକାରୀ ତଥା ଜିଲ୍ଲାପାଳ ରଘୁରାମ ଆର୍ ଆୟାରଙ୍କଠାରୁ ସମ୍ବର୍ଦ୍ଧିତ ହୋଇଛନ୍ତି।

## ଧର୍ମେନ୍ଦ୍ର– ୧୨ ବର୍ଷ ପୂର୍ତ୍ତି

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ନେତୃତ୍ୱରେ ଗତ ୧୨ ବର୍ଷ ମଧ୍ୟରେ ସେବା, ସୁଶାସନ ଓ ଗରିବ କଲ୍ୟାଣ ସଫଳ ନିଦର୍ଶନ ଦେଖିବାକୁ ମିଳିଛି ବୋଲି କେନ୍ଦ୍ର ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି। ମଧ୍ୟପ୍ରଦେଶର

ଭୋପାଳଠାରେ ଗଣମାଧ୍ୟମ ପ୍ରତିନିଧିଙ୍କ ସହ ମତବିନିମୟ କରି କେନ୍ଦ୍ରମନ୍ତ୍ରୀ କହିଛନ୍ତି, ଅନ୍ତ୍ୟୋଦୟ ଭାବନା ସହିତ ଗରିବ, କୃଷକ, ମହିଳା ଓ ଯୁବକମାନଙ୍କୁ କେନ୍ଦ୍ରରେ ରଖି ବିଭିନ୍ନ ଯୋଜନା ପ୍ରଣୟନ କରାଯାଇଛି। ମହିଳା ନେତୃତ୍ୱାଧୀନ ବିକାଶ ଭାବନା ସହିତ ଦେଶର ନାରୀ ଶକ୍ତି ସହଭାଗୀ ହେବା ସହିତ ପ୍ରଗତିର ଅଗ୍ରଣୀ ଶକ୍ତି ସାଜିଛନ୍ତି ବୋଲି ଶ୍ରୀ ପ୍ରଧାନ କହିଛନ୍ତି। ଲକ୍ଷପତି ଦିଦିମାନଙ୍କୁ ଶିକ୍ଷା ଏବଂ କୌଶଳର ସୁଯୋଗ ଯୋଗାଇ ଦେବା ପାଇଁ ଇନ୍ଦିରାଗାନ୍ଧୀ ଜାତୀୟ ମୁକ୍ତ ବିଶ୍ୱବିଦ୍ୟାଳୟ–ଇଗ୍ନୋ ସହ ମିଶି ନୂଆ ପ୍ରୟାସ ଆରମ୍ଭ କରାଯିବ ବୋଲି କେନ୍ଦ୍ରମନ୍ତ୍ରୀ ଘୋଷଣା କରିଛନ୍ତି।

## ପୂର୍ବମନ୍ତ୍ରୀଙ୍କ ସମୀକ୍ଷା

ଗଞ୍ଜାମ ଜିଲ୍ଲା ଛତ୍ରପୁର ବ୍ଲକ ଅନ୍ତର୍ଗତ ରଘୁନାଥପୁର ଛକଠାରେ ନିର୍ମାଣଧୀନ ରିଙ୍ଗରୋଡ୍‌କୁ ପୂର୍ବ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କାର୍ଯ୍ୟର ଅଗ୍ରଗତି ଓ ଗୁଣାତ୍ମକ ମାନର ସମୀକ୍ଷା କରିଛନ୍ତି। ନିର୍ଦ୍ଧାରିତ ସମୟ ମଧ୍ୟରେ ପ୍ରକଳ୍ପ କାର୍ଯ୍ୟକୁ ଶୀଘ୍ର ସମାପ୍ତ କରିବା ପାଇଁ ମନ୍ତ୍ରୀ ଶ୍ରୀ ହରିଚନ୍ଦନ ବିଭାଗୀୟ ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି। ଏହି ପ୍ରକଳ୍ପ ସ୍ଥାନୀୟ ଅଞ୍ଚଳର ଯାତାୟାତ ବ୍ୟବସ୍ଥାକୁ ସୁଦୃଢ଼ କରିବା ସହିତ ଜନସାଧାରଣଙ୍କ ପାଇଁ ସୁବିଧା ପ୍ରଦାନରେ ଏକ ମାଇଲଖୁଣ୍ଟ ସାବ୍ୟସ୍ତ ହେବ ବୋଲି ଶ୍ରୀ ହରିଚନ୍ଦନ ଆଶାବ୍ୟକ୍ତ କରିଛନ୍ତି।

## ଗଣଯୋଗ ଅଭିଯାନ

ଅନ୍ତର୍ଜାତୀୟ ଯୋଗଦିବସ ୨୦୨୬ ଅବସରରେ ଭାରତ ସରକାରଙ୍କ ଆୟୁଷ ମନ୍ତ୍ରାଳୟ ପକ୍ଷରୁ ଗଣଯୋଗ ଅଭିଯାନ ଆଜି ସକାଳ ୬ଟା ୧୫ରୁ ୭ଟା ୩୫ ମିନିଟ୍ ପର୍ଯ୍ୟନ୍ତ ଆଭାସୀ ମାଧ୍ୟମରେ ଆୟୋଜିତ ହେଉଛି। ଗିନିଜ ଓ୍ୱାର୍ଲଡ ରେକର୍ଡ ପାଇଁ ମନ୍ତ୍ରଣାଳୟ ପକ୍ଷରୁ ଏହାର ଆୟୋଜନ କରାଯାଇଛି। ଆସନ୍ତା ୨୧ ତାରିଖରେ ଅନ୍ତର୍ଜାତୀୟ ଯୋଗଦିବସ ପାଳନ କରାଯିବ।

## ବିଶ୍ୱ ରକ୍ତଦାତା ଦିବସ

ରକ୍ତଦାନର ମହତ୍ତ୍ୱ ଏବଂ ରକ୍ତଦାନକୁ ପ୍ରୋତ୍ସାହିତ କରିବା ଉଦ୍ଦେଶ୍ୟରେ ଆଜି ବିଶ୍ୱ ରକ୍ତଦାତା ଦିବସ ପାଳନ କରଯାଉଛି। ବ୍ଲଡ୍ ଗ୍ରୁପ୍‌ର ଆବିଷ୍କାର କରିଥିବା ନୋବେଲ ପୁରସ୍କାର ବିଜେତା ବୈଜ୍ଞାନିକ କାର୍ଲ ଲ୍ୟାଣ୍ଡଷ୍ଟିନ୍’ଙ୍କ ଜନ୍ମଦିବସକୁ ସ୍ମରଣ କରିବା ପାଇଁ ପ୍ରତ୍ୟେକ ବର୍ଷ ଆଜିର ଦିନକୁ ବିଶ୍ୱ ରକ୍ତଦାତା ଦିବସ ଭାବେ ପାଳନ କରାଯାଇଥାଏ। ଚଳିତବର୍ଷ ଏହି ଦିବସର ବାର୍ତ୍ତା ରହିଛି ‘ମାନବିକତାର ଏକବୁନ୍ଦା, ରକ୍ତ ଦିଅନ୍ତୁ, ଜୀବନ ବଞ୍ଚାନ୍ତୁ’। ଜରୁରୀ ସମୟରେ ଅସ୍ତ୍ରୋପଚାର, କର୍କଟ ଚିକିତ୍ସା, ଆକସ୍ମିକ ଦୁର୍ଘଟଣା ଏବଂ ଦୀର୍ଘଦିନର ଦୂରାରୋଗ୍ୟ ଚିକିତ୍ସା କ୍ଷେତ୍ରରେ ରକ୍ତର ଆବଶ୍ୟକତାକୁ ଦୃଷ୍ଟିରେ ରଖି ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ରକ୍ତଦାତାମାନଙ୍କୁ ଏହି

ମହତ୍ କାର୍ଯ୍ୟରେ ସାମିଲ ହେବାକୁ ଆହ୍ୱାନ ଦେଇଛି । ଏହି କାର୍ଯ୍ୟଦ୍ୱାରା ଏକତା, ଅଖଣ୍ଡତା, ମାନବିକତା ଏବଂ ଅନୁକମ୍ପା ସୃଷ୍ଟି ହୋଇଥାଏ ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହି ଦିବସ ଅବସରରେ ତାଙ୍କ ବାର୍ତ୍ତାରେ ଯୁବକମାନଙ୍କୁ ନିୟମିତ ଓ ସ୍ୱେଚ୍ଛାକୃତ ଭାବେ ରକ୍ତଦାନ କରିବାକୁ ଏବଂ ଅନ୍ୟମାନଙ୍କୁ ଏଥିପାଇଁ ଉତ୍ସାହିତ କରିବା ପାଇଁ ଆହ୍ୱାନ ଦେଇଛନ୍ତି ।

# ରଜ ପର୍ବ

ରାଜ୍ୟର କୃଷିଭିତ୍ତିକ ତିନିଦିନିଆ ଗଣପର୍ବ ରଜ ଆଜିଠାରୁ ଆରମ୍ଭ ହୋଇଛି । ଆଜି ପହିଲି ରଜ, ଆସନ୍ତାକାଲି ରଜସଂକ୍ରାନ୍ତି ଏବଂ ତା’ ପରଦିନ ଭୂମିଦହନ ପାଳନ କରାଯିବ । ଶୁଖିଲା ଭୂଇଁରେ ବର୍ଷାପାଣି ପଡ଼ିବା ପରେ ମାଟିର ପ୍ରଜନନ ଶକ୍ତି ବଢ଼ିଥାଏ । ସେଥିପାଇଁ ଏହି ତିନିଦିନ ଜମିରେ ଚାଷ କରାଯାଇନଥାଏ । ପରମ୍ପରା ଅନୁସାରେ ତିନିଦିନ ବିଶ୍ରାମ ଏବଂ ମନୋରଞ୍ଜନର ସମୟ ହୋଇଥିବାରୁ ପୁରପଲ୍ଲୀରୁ ସହର ପର୍ଯ୍ୟନ୍ତ ରଜ ପର୍ବ ପାଳନ କରାଯାଇଥାଏ । ରଜରେ ଝିଅମାନେ ନୂତନ ବସ୍ତ୍ର ପରିଧାନ କରିବା ସହିତ ଦୋଳୀ ଖେଳିବାର ପରମ୍ପରା ରହିଛି । ରଜଦୋଳି ଗୀତରେ ପରିବେଶ ମୁଖରିତ ହୋଇଥାଏ । ପିଠାପଣା ସହ ସାଂସ୍କୃତିକ କାର୍ଯ୍ୟକ୍ରମମାନ ଆୟୋଜନ କରାଯାଇଥାଏ । ସୁସ୍ୱାଦୁ ପାନ

ଏବଂ ଭୋଜନର ନିଆରା ପରମ୍ପରା ମଧ୍ୟ ରହିଛି। ରଜପର୍ବର ଚତୁର୍ଥ ଦିନରେ ବସୁମତୀ ସ୍ନାନ କରାଯିବା ସହିତ ଏହି ପର୍ବ ଶେଷ ହୋଇଥାଏ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ରଜ ପର୍ବ ଉପଲକ୍ଷେ ଶୁଭେଚ୍ଛା ବାର୍ତ୍ତାରେ କହିଛନ୍ତି, ଏହି ପର୍ବ ମାଟି ମା'ର ମହତ୍ତ୍ୱ, ମାତୃଶକ୍ତିର ସମ୍ମାନ ଏବଂ କୃଷି ଭିତ୍ତିକ ସଭ୍ୟତାକୁ ପିଢ଼ି ପରେ ପିଢ଼ି ସମୃଦ୍ଧ କରି ଆସିଛି।

## ପାଣିପାଗ

ଦକ୍ଷିଣ-ପଶ୍ଚିମ ମୌସୁମୀବାୟୁ ରାଜ୍ୟର ଉପକୂଳ ଅଞ୍ଚଳରେ ପ୍ରବେଶ କରିବା ପରେ ଗତକାଲି ପାରାଦ୍ୱୀପ ଓ ବାରିପଦା ଦେଇ ଅଗ୍ରସର ହେଉଛି। ଆସନ୍ତା ଦୁଇଦିନ ମଧ୍ୟରେ ମୌସୁମୀ ବାୟୁ ରାଜ୍ୟର ଅନ୍ୟ ଭାଗକୁ ସ୍ପର୍ଶ କରିବ। ଆଗାମୀ ୨୦ ତାରିଖ ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ସ୍ଥାନରେ ସ୍ୱଳ୍ପରୁ ମଧ୍ୟମ ଧରଣର ବର୍ଷା ସମ୍ଭାବନା ନେଇ ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ଅନୁମାନ କରାଯାଇଛି।